ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/FS&CW (OD))/1075/19-01-2021**

# ସବ୍‌ସିଡି ବାବଦକୁ ପ୍ରାପ୍ୟ ୬୦୩୯ କୋଟି ଟଙ୍କା ତୁରନ୍ତ ପ୍ରଦାନ ପାଇଁ କେନ୍ଦ୍ରକୁ ପତ୍ର ଲେଖିଲେ ଖାଦ୍ୟଯୋଗାଣ ମନ୍ତ୍ରୀ ଶ୍ରୀ ସ୍ୱାଇଁ

## ବଳକା ଚାଉଳ ଉଠାଣରେ ଏଫ୍.ସି.ଆଇ ଦ୍ୱାରା ଜାରି କରାଯାଇଥିବା କଟକଣାର ପୁନର୍ବିଚାର ନିମନ୍ତେ ଅନୁରୋଧ

ଭୁବନେଶ୍ୱର, ତା.୧୯/୦୧/୨୦୨୧

କେନ୍ଦ୍ର ସରକାରଙ୍କଠାରୁ ଧାନସଂଗ୍ରହ ବାବଦକୁ ରାଜ୍ୟ ପ୍ରଭିଜନାଲ ଓ ଅଗ୍ରୀମ ସବ୍‌ସିଡ଼ି ବାବଦକୁ ପାଇବାକୁ ଥିବା ବକେୟା ୬୦୩୯ କୋଟି ଟଙ୍କା ତୁରନ୍ତ ଯୋଗାଇଦେବା ପାଇଁ ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ  କେନ୍ଦ୍ରମନ୍ତ୍ରୀଙ୍କୁ ଅନୁରୋଧ କରିଛନ୍ତି । ଆଜି ମନ୍ତ୍ରୀ ଶ୍ରୀ ସ୍ୱାଇଁ କେନ୍ଦ୍ର ଖାଉଟି ବ୍ୟାପାର, ଖାଦ୍ୟ ଓ ସାଧାରଣ ବଣ୍ଟନ ମନ୍ତ୍ରୀ ଶ୍ରୀ ପୀୟୁଷ ଗୋଏଲ୍‌ଙ୍କୁ ଏକ ପତ୍ର ଲେଖି ଜଣାଇଛନ୍ତି ଯେ କେନ୍ଦ୍ର ସରକାରଙ୍କଠାରୁ ଧାନସଂଗ୍ରହ ବାବଦକୁ ସବ୍‌ସିଡ଼ି ଅର୍ଥ ଠିକ୍ ସମୟରେ ପାଉ ନଥିବାରୁ ଧାନସଂଗ୍ରହ କ୍ଷେତ୍ରରେ ଅସୁବିଧା ଉପୁଜୁଛି । ରାଜ୍ୟରେ ଧାନସଂଗ୍ରହ ନିମନ୍ତେ ଓଡ଼ିଶା ରାଜ୍ୟ ଯୋଗାଣ ନିଗମ ୧୫, ୦୦୦ କୋଟି ଟଙ୍କା ବ୍ୟାଙ୍କ ଋଣ କରିଥିବାବେଳେ ସବ୍‌ସିଡି ବାବଦକୁ ପ୍ରାପ୍ୟ ୬୦୩୯ କୋଟି ଟଙ୍କା ଠିକ୍ ସମୟରେ ନ ପାଇବା ଦ୍ୱାରା ନିଗମ ଆର୍ଥିକ ସଙ୍କଟର ସମ୍ମୁଖୀନ ହେଉଛି ଏବଂ ଧାନସଂଗ୍ରହ କାର୍ଯ୍ୟ ବାଧାପ୍ରାପ୍ତ ହେବାର ଆଶଙ୍କା ରହିଛି ।

ରାଜ୍ୟରେ ଖରିଫ୍ ଧାନସଂଗ୍ରହ କାର୍ଯ୍ୟ ତ୍ୱରାନ୍ୱିତ ହୋଇଛି ଏବଂ ଅଦ୍ୟାବଧି ଗତବର୍ଷ ଆଜିର ତାରିଖ ତୁଳନାରେ ୨୨ ପ୍ରତିଶତରୁ ଅଧିକ ଖରିଫ ଧାନସଂଗ୍ରହ କରାଯାଇସାରିଲାଣି । ଅଧିକ ସଂଖ୍ୟାରେ ଚାଷୀ ଧାନ ବିକ୍ରି କରି ସର୍ବନିମ୍ନ ସହାୟକ ମୂଲ୍ୟର ଲାଭ ପାଇପାରିଛନ୍ତି । ରାଜ୍ୟରେ କୃଷି କ୍ଷେତ୍ରରେ ସର୍ବାଧିକ ଲୋକ ନିୟୋଜିତ ହୋଇଥିବାବେଳେ ଏହା ଲକ୍ଷ ଲକ୍ଷ ଚାଷୀଙ୍କ ଆୟବୃଦ୍ଧିରେ ସହାୟକ ହୋଇପାରିବା ସହିତ କୃଷି ତଥା ଅର୍ଥନୈତିକ ଅଭିବୃଦ୍ଧିରେ ସହାୟକ ହୋଇପାରୁଛି । ଧାନସଂଗ୍ରହ କ୍ଷେତ୍ରରେ ସଂପୂର୍ଣ୍ଣ ସ୍ୱଚ୍ଛତା ଅବଲମ୍ବନ କରାଯିବା ସହ ଧାନ ବିକ୍ରିଲବ୍ଧ ଅର୍ଥ ଚାଷୀମାନଙ୍କ ବ୍ୟାଙ୍କ ଆକାଉଣ୍ଟକୁ ଅନ୍‌ଲାଇନ୍ ମାଧ୍ୟମରେ ସିଧାସଳଖ ପ୍ରଦାନ କରାଯାଉଛି ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ ଉଲ୍ଲେଖ କରିଛନ୍ତି ।

କୋଭିଡ୍-୧୯ ଭଳି ଅସ୍ୱାଭାବିକ ସ୍ଥିତିରେ ମଧ୍ୟ ରାଜ୍ୟ ସରକାର ଦୂରଦୂରାନ୍ତ ଏବଂ ଅଗମ୍ୟ ଅଞ୍ଚଳଗୁଡ଼ିକର ଚାଷୀମାନଙ୍କଠାରୁ ଧାନସଂଗ୍ରହ କରିପାରିଛି । ଏଥି ସହିତ କୋଭିଡ୍-୧୯ ଯୋଗୁଁ ପ୍ରଭାବିତ ଦେଶର ଅର୍ଥନୀତିର ପୁନରୁଦ୍ଧାର ଦିଗରେ କୃଷି ବିଶେଷ ଭୂମିକା ରହିଥିବାରୁ କେନ୍ଦ୍ର ସରକାର କୃଷି କ୍ଷେତ୍ରକୁ ସମସ୍ତ ପ୍ରକାରର ସହଯୋଗ ଯୋଗାଇଦେବା ଉଚିତ ବୋଲି କହିଛନ୍ତି ।

ଏଥି ସହିତ ଭାରତୀୟ ଖାଦ୍ୟ ନିଗମ ଦ୍ୱାରା ଚଳିତ ଖରିଫ୍ ଋତୁ ୨୦୨୦-୨୧ରେ ରାଜ୍ୟରୁ ଗତବର୍ଷ ତୁଳନାରେ ୫୦ ପ୍ରତିଶତ ଉଷୁନା ଚାଉଳ ଉଠାଣ ଏବଂ ରବି ଋତୁରେ କେବଳ ଅରୁଆ ଚାଉଳ ସଂଗ୍ରହ କରିବ  ବୋଲି ଜଣାଇଥିବା ପରିପ୍ରେକ୍ଷୀରେ ମନ୍ତ୍ରୀ ଶ୍ରୀ ସ୍ୱାଇଁ ସଂଶୟ ବ୍ୟକ୍ତ କରିଛନ୍ତି ।

୨୦୦୩-୦୪ ଖରିଫ୍ ବିପଣନ ବର୍ଷଠାରୁ ରାଜ୍ୟ ସରକାର ବିକେନ୍ଦ୍ରୀକରଣ ସଂଗ୍ରହ ବ୍ୟବସ୍ଥାରେ ସର୍ବନିମ୍ନ ସହାୟକ ମୂଲ୍ୟ ଜରିଆରେ ଚାଷୀମାନଙ୍କଠାରୁ ସିଧାସଳଖ ଧାନସଂଗ୍ରହ କରୁଛନ୍ତି । ରାଜ୍ୟ ସରକାରଙ୍କ ନିଷ୍ଠାପର ଉଦ୍ୟମ ଯୋଗୁଁ ଓଡ଼ିଶା କେନ୍ଦ୍ରୀୟ ଖାଦ୍ୟ ଭଣ୍ଡାରକୁ ଚତୁର୍ଥ ସର୍ବାଧିକ ଖାଦ୍ୟଶସ୍ୟ ଯୋଗାଣକାରୀ ରାଜ୍ୟର ମାନ୍ୟତା ହାସଲ କରିଛି । ଓଡ଼ିଶା ମୁଖ୍ୟତଃ ଏକ ଉଷୁନା ଚାଉଳ ବ୍ୟବହାରକାରୀ ରାଜ୍ୟ ଅଟେ । ରାଜ୍ୟର ୩୦ଟି ଜିଲ୍ଲାରୁ ମାତ୍ର ୬ଟି ଜିଲ୍ଲାର ଲୋକମାନେ ଅରୁଆ ଚାଉଳ ଖାଇ ଥାଆନ୍ତି । ରାଜ୍ୟରେ ଅଧିକାଂଶ ଧାନ ମିଲ କେବଳ ଉଷୁନା ଚାଉଳ ପ୍ରସ୍ତୁତ କରିଥାଆନ୍ତି । ରବି ଋତୁରେ ଭାରତୀୟ ଖାଦ୍ୟ ନିଗମ କେବଳ ଅରୁଆ ଚାଉଳ ଉଠାଣ ଓ ଚଳିତ ଖରିଫ୍‌ରେ ଗତବର୍ଷ

ତୁଳନାରେ କେବଳ ୫୦ ଭାଗ ଉଷୁନା ଚାଉଳ ଉଠାଣ ବ୍ୟବସ୍ଥା ରାଜ୍ୟକୁ ବିଶେଷ ଭାବରେ କ୍ଷତିଗ୍ରସ୍ତ କରିବ ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ ତାଙ୍କ ପତ୍ରରେ ଉଲ୍ଲେଖ କରିଛନ୍ତି ।

ରାଜ୍ୟରେ ସାଧାରଣ ବଣ୍ଟନ ବ୍ୟବସ୍ଥା ଓ  ଅନ୍ୟାନ୍ୟ କଲ୍ୟାଣକାରୀ ଯୋଜନାରେ ପ୍ରାୟ ୨୪ ଲକ୍ଷ ମେଟ୍ରିକ ଟନ ଚାଉଳ ବ୍ୟବହାର ହୋଇଥାଏ । ଭାରତୀୟ ଖାଦ୍ୟ ନିଗମ ଦ୍ୱାରା ଚଳିତ ଖରିଫ ବିପଣନ ଋତୁରେ ପ୍ରାୟ ୩୦ ଲକ୍ଷ ମେଟ୍ରିକ୍ ଟନ ଚାଉଳ ଉଠାଣର ଆବଶ୍ୟକତା ରହିଛି । ତେଣୁ ବଳକା ଚାଉଳ ଉଠାଣରେ ଭାରତୀୟ ଖାଦ୍ୟ ନିଗମ ଦ୍ୱାରା ଜାରି କରାଯାଇଥିବା କଟକଣା ସଂପର୍କରେ ପୁନର୍ବିଚାର କରିବା ପାଇଁ ମନ୍ତ୍ରୀ ଶ୍ରୀ ସ୍ୱାଇଁ ଉଲ୍ଲେଖ କରିଛନ୍ତି ।

ଏହି ପରିପ୍ରେକ୍ଷୀରେ କେନ୍ଦ୍ର ମନ୍ତ୍ରୀ ଶ୍ରୀ ଗୋଏଲ୍ ଉପରୋକ୍ତ ସମସ୍ୟାଗୁଡ଼ିକର ତୁରନ୍ତ ସମାଧାନ ଦିଗରେ ପଦକ୍ଷେପ ଗ୍ରହଣ ପାଇଁ ମନ୍ତ୍ରୀ ଶ୍ରୀ ସ୍ୱାଇଁ ପତ୍ର ମାଧ୍ୟମରେ ଅନୁରୋଧ କରିଛନ୍ତି ଯେପରି ରାଜ୍ୟର ଧାନ ସଂଗ୍ରହ ଓ ଚାଉଳ ଯୋଗାଣ କାର୍ଯ୍ୟ ସୁଚାରୁରୂପେ ହୋଇପାରିବ ।

ତାପସ ସାହା
ସୂଚନା ଅଧିକାରୀ